# ତହସିଲ କାର୍ଯ୍ୟାଳୟ, ବରପାଲି, ଜି. ବରଗଡ଼

ବିଜ୍ଞାପନ ସଂଖ୍ୟା. 1886 / ତା. 17/08/2022

(ଲଘୁ ଖଣିଜ ଉତ୍ସର ଦୀର୍ଘମିଆଦି ଲିଜ୍ ନିମନ୍ତେ ଇସ୍ତାହାର)

ଏତଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ବରପାଲି ତହସିଲ ଅନ୍ତର୍ଗତ ଲଘୁ ଖଣିଜ ଉତ୍ସ (ଚିକିନିପାଲି ପଥର ଖାଦାନ) OMMC (Amendment) Rules-2016 ମୁତାବକ ଦୀର୍ଘମିଆଦୀ ଲିଜ ସୂତ୍ରରେ ଆସନ୍ତା 5 (ପାଞ୍ଚ) ବର୍ଷ ନିମନ୍ତେ ନିମ୍ନ ସ୍ୱାକ୍ଷରକାରୀଙ୍କ ଦ୍ୱାରା ନିଲାମ ପାଇଁ ଦରଖାସ୍ତ ଆହ୍ୱାନ କରାଯାଉଅଛି । ଇଚ୍ଛୁକ ବ୍ୟକ୍ତିବିଶେଷ OMMC (Amendment) Rules-2016 ରେ ପ୍ରଦତ୍ତ (Form- M) ରେ 3 (ତିନି) କପି ଆବେଦନ ପତ୍ର ସହ ଆବଶ୍ୟକୀୟ କାଗଜାତର ନକଲ ସଂଲଗ୍ନ କରି ସିଲ ଲଫାଫା ଉପରେ ସୈରାତ ଉତ୍ସର ନାମ ଉଲ୍ଲେଖ କରି ତହସିଲଦାର, ବରପାଲିଙ୍କ କାର୍ଯ୍ୟାଳୟରେ ଥିବା Drop Box ରେ ତା.26.08.2022 ରିଖ କାର୍ଯ୍ୟାଳୟ ସମୟ (ଛୁଟିଦିନ ବ୍ୟତୀତ) ମଧ୍ୟରେ ଦାଖଲ କରିପାରିବେ । ତା.29.08.2022 ରିଖ ଦିବା 11.00 ସମୟରେ ଲିଜ ଦରଖାସ୍ତକାରୀ କିମ୍ବା ତାଙ୍କ ପ୍ରତିନିଧିଙ୍କ ଉପସ୍ଥିତିରେ ଦରଖାସ୍ତଗୁଡିକ ତନଖି କରାଯାଇ ସର୍ବୋଚ୍ଚ ଅତିରିକ୍ତ ଦେୟ ଉଲ୍ଲେଖ କରିଥିବା ଭିତ୍ତିରେ ଯୋଗ୍ୟ ଲିଜ ଧାରୀ ଚୟନ କରାଯିବ । ଧାର୍ଯ୍ୟ ସମୟ ପରେ ପ୍ରାପ୍ତ ଓ ଅସଂପୂର୍ଣ୍ଣ ଦରଖାସ୍ତ ଗୁଡିକ ବାତିଲ କରାଯିବ । ଯେଉଁ ଉତ୍ସ ଗୁଡିକର ନିର୍ଦ୍ଧାରିତ ତାରିଖରେ ଆବେଦନ ପତ୍ର ମିଳିନଥିବ କିମ୍ବା ଲିଜ ଚୂଡାନ୍ତ ହୋଇନଥିବ ସେହି ଉତ୍ସ ଗୁଡିକ ପାଇଁ ଦ୍ୱିତୀୟ ଓ ତୃତୀୟ ଥର ପାଇଁ ଯଥାକ୍ରମେ ତା.03.09.2022 ରିଖ ଓ ତା.12.09.2022 ରିଖ ମଧ୍ୟାହ୍ନ 12.00 ଘଟିକା ପର୍ଯ୍ୟନ୍ତ ଆବେଦନ ଗ୍ରହଣ କରାଯିବ ଏବଂ ଉକ୍ତ ଦିନ ଅପରାହ୍ନ 3.30 ଘଟିକା ସମୟରେ ପୂର୍ବମତେ ଟେଣ୍ଡର ବକ୍ସ ଖୋଲାଯିବ । ଏହାର ସବିଶେଷ ବିବରଣୀ ଜିଲ୍ଲା website (www.bargarh.nic.in) ରେ ଉପଲବ୍ଧ । ଏତଦ୍ ବ୍ୟତୀତ ସୈରାତ ଉତ୍ସଗୁଡିକର ବିଷଦ ବିବରଣୀ ତହସିଲ କାର୍ଯ୍ୟାଳୟରେ ଯେ କୌଣସି କାର୍ଯ୍ୟଦିବସରେ ମଧ୍ୟ ଦେଖି ପାରିବେ ।

17/08/22

ତହସିଲଦାର, ବରପାଲି

ଜ୍ଞାପକ ସଂଖ୍ୟା 1887 ତା. 17.08.2022

ଏହାର ଏକକିତା ନକଲ ତହସିଲ କାର୍ଯ୍ୟାଳୟ, ବରପାଲି ନୋଟିସ ବୋର୍ଡରେ ପ୍ରକାଶନ କରାଗଲା ।

ଏହାର ଏକକିତା ନକଲ ବରପାଲି ତହସିଲ ଅନ୍ତର୍ଗତ ସମସ୍ତ ରାଜସ୍ୱ ନିରୀକ୍ଷକଙ୍କ ପାଖକୁ ତାଙ୍କ ନୋଟିସ ବୋର୍ଡରେ ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଏହାର ଏକକିତା ନକଲ ବରପାଲି ତହସିଲ ଅନ୍ତର୍ଗତ ସମସ୍ତ ଗ୍ରା.ପ.ର ସରପଂଚଙ୍କ ପାଖକୁ ତାଙ୍କ ନୋଟିସ ବୋର୍ଡରେ ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

17/08/22

ତହସିଲଦାର, ବରପାଲି

ଜ୍ଞାପକ ସଂଖ୍ୟା 1888 ତା. 17.08.2022

ଏହାର ଏକକିତା ନକଲ ଅତିରିକ୍ତ ଜିଲ୍ଲାପାଳ, ବରଗଡ / ଉପ-ଜିଲ୍ଲାପାଳ, ବରଗଡ ଓ ପଦ୍ମପୁରଙ୍କ ସଦୟ ଅବଗତି ସକାଶେ ପ୍ରେରଣ କରାଗଲା ।

17/08/22

ତହସିଲଦାର, ବରପାଲି

## ବିଶେଷ ସର୍ତ୍ତାବଳୀ

1. ଆବେଦନକାରୀ/ଲିଜଧାରୀ ଓଡିଶା ଲଘୁ ଖଣିଜ ଦ୍ରବ୍ୟ ରିହାତି ଆଇନ, OMMC (Amendment) Rules- 2016 ର ପରିସରଭୁକ୍ତ ରହିବେ ।
2. ପ୍ରଚଳିତ ନିୟମ ଅନୁଯାୟୀ ଅତିରିକ୍ତ ଦେୟର Additional Charge ମୂଲ୍ୟ ଉପରେ ସର୍ବୋଚ୍ଚ ମୂଲ୍ୟଦର୍ଶାଇ ଥିବା ନିଲାମଧାରୀଙ୍କ ଦରଖାସ୍ତକୁ ଲିଜ ପ୍ରଦାନ ନିମନ୍ତେ ଚୟନ କରାଯିବ । ଯଦି 1 ରୁ ଅଧିକ ଦରଖାସ୍ତକାରୀ ସମାନ ସର୍ବୋଚ୍ଚ ମୂଲ୍ୟ ପ୍ରଦାନ କରିଥିବେ ତେବେ ଲଟେରୀ ମାଧ୍ୟମରେ ଲିଜଧାରୀଙ୍କୁ ଚୟନ କରାଯିବ ।
3. ଲିଜ୍ ରେ ଅଂଶ ଗ୍ରହଣ କରୁଥିବା ବ୍ୟକ୍ତିବିଶେଷ ଉତ୍ସଗୁଡିକ ପରିଦର୍ଶନ କରି ପରିଚାଳନା ପାଇଁ ଗମନା ଗମନ ସୁବିଧା, ଗଚ୍ଛିତ ଥିବା ଲଘୁ ଖଣିଜ ଦ୍ରବ୍ୟ ଓ ଅନ୍ୟାନ୍ୟ ଆନୁଷାଙ୍ଗିକ ସୁବିଧା ସଂପର୍କରେ ପର୍ଯ୍ୟବେକ୍ଷଣ କରି ଦରଖାସ୍ତ କରିବା ଆବଶ୍ୟକ । ଲିଜ୍ ନେବା ପରେ ସୈରାତ ଚଳାଇବା ସଂପର୍କରେ କୌଣସି ଅଭିଯୋଗ ଗ୍ରହଣୀୟ ହେବ ନାହିଁ ତଥା କୌଣସି ପ୍ରାକୃତିକ ବିପର୍ଯ୍ୟୟ ନିମନ୍ତେ କର୍ତ୍ତୃପକ୍ଷ ଦାୟୀ ରହିବେ ନାହିଁ ।
4. ଲିଜ୍ ସୂତ୍ରେ ନେବାକୁ ଇଚ୍ଛୁକ ଥିବା ବ୍ୟକ୍ତି ଦରଖାସ୍ତରେ ଲଘୁ ଖଣିଜ ଦ୍ରବ୍ୟର ସରକାରଙ୍କ ଦ୍ୱାରା ଅତିରିକ୍ତ ଦେୟ ର (Additional Charge) ମୂଲ୍ୟଠାରୁ କମ୍ ମୂଲ୍ୟ ଦର୍ଶାଇଲେ ଦରଖାସ୍ତଟି ଗ୍ରହଣୀୟ ହେବ ନାହିଁ ଏବଂ ଦରଖାସ୍ତଟି ନାକଚ ହେବ ।
5. ଲିଜ୍ ନିମନ୍ତେ ଯୋଗ୍ୟ ସୈରାତ ଉତ୍ସର ବାର୍ଷିକ ଦେୟ {Minimum guarantee quantity x (Royalty + Additional Charge)} + Amount of contribution payable to DMF ର ଏକ ଚତୁର୍ଥାଂଶ ରାଶି (EMD କୁ ବାଦ ଦେଇ) ଲିଜ ଚୁଡାନ୍ତ ହେବାର 15 ଦିନ ମଧ୍ୟରେ ପ୍ରାଧିକୃତ ଅଧିକାରୀଙ୍କ ପାଖରେ ଦାଖଲ କରିବେ, ଯାହାକି ସୁଧ ବିହୀନ ଅମାନତ ରାଶି (Security) ହିସାବରେ ରଖାଯିବ ।
6. Environment Clearance ମଞ୍ଜୁରି ପରେ ଲିଜ ଧାରୀ ଏକ ବର୍ଷ ପାଇଁ Surface Rent, Dead Rent ଏବଂ Royalty ର 5% EMF, 10% District Mineral Foundation (DMF) ଏବଂ 2% TCS (IT) ଓ ପ୍ରଯୁଜ୍ୟ GSTବାବଦକୁ ରାଶି ପୈଠ କରିବେ । ସଂପୂର୍ଣ୍ଣ ରାଶି ପୈଠ ହେଲାପରେ ଲିଜ୍ ଧାରୀ ରେଜିଷ୍ଟ୍ରେସନ ଆକ୍ଟ 1908 ଓ ଷ୍ଟାମ୍ପ ଆକ୍ଟ 1999 ଅନୁଯାୟୀ ଚୁକ୍ତି ପତ୍ରନିଜ ଖର୍ଚ୍ଚରେ ସଂପାଦନ କରିବେ ।
7. ଯଦି ଯୋଗ୍ୟ ବିବେଚିତ ଚୁକ୍ତି ସମ୍ପାଦନ ପୂର୍ବରୁ ମୂଲ୍ୟ ଜମା ନ କରନ୍ତି ତେବେ ତାଙ୍କର EMD ବ୍ୟାଜାପ୍ତି ହେବ ।
8. ଯଦି ସର୍ବାଧିକ ରୟାଲ୍ଟି ଦର୍ଶାଇଥିବା ବ୍ୟକ୍ତି ସର୍ତ୍ତାବଳୀରେ ଖିଲାପ କରନ୍ତି ତେବେ ତାଙ୍କ ପରବର୍ତ୍ତି ସର୍ବାଧିକ ଅତିରିକ୍ତ ଦେୟ ଦର୍ଶାଇଥିବା ବ୍ୟକ୍ତିଙ୍କୁ କ୍ରମାନ୍ୱୟରେ ସୁଯୋଗ ଦିଆଯିବ ।
9. ଦରଖାସ୍ତକାରୀ Mines Act, 1952 ଓ Explosive Act, 1984 ର ସମସ୍ତ ନିୟମାବଳୀର ଅନ୍ତର୍ଭୁକ୍ତ ରହିବେ ।
10. ଲିଜ ଧାରୀ ସୈରାତ ଉତ୍ସ ର ନକ୍ସା ଅନୁଯାଇ ସିମେଣ୍ଟ ଖୁଣ୍ଟ ଦ୍ୱାରା ବାଡ ଦେଇ ଚିହ୍ନଟ କରିବେ ଓ ସମ୍ମୁଖ ଭାଗ ରେ ପ୍ରତିଫଳକ ବୋର୍ଡ ତିଆରି କରି ସେଥିରେ ସୈରାତ ଉତ୍ସ ର ନାମ ତଥା ମଞ୍ଜୁର ହୋଇଥିବା ଆର୍ଥିକ ବର୍ଷ ଏବଂ ଅନ୍ୟାନ୍ୟ ସୂଚନା ଉଲ୍ଲେଖ କରିବେ । ଏ ସବୁ କାର୍ଯ୍ୟ ସମ୍ପାଦନ ଲିଜ ଧାରୀ ନିଜ ଖର୍ଚ୍ଚରେ କରିବେ ।
11. Reserve Assessment Report, Mining Plan and Environmental Clearance ବାବଦକୁ ହୋଇଥିବା ଖର୍ଚ୍ଚ ଲିଜ ଧାରୀ ନିଜେ ବହନ କରିବେ ।

12. ଉପରୋକ୍ତ ସମସ୍ତ ସର୍ତ୍ତାବଳୀ ପୁରଣ ହେଲାପରେ କାର୍ଯ୍ୟାଦେଶ ଦିଆଯିବ । କ୍ଷମତା ପ୍ରାପ୍ତ ଅଧିକାରୀ ଙ୍କ ଠାରୁ କାର୍ଯ୍ୟାଦେଶ ନମିଳିବା ପର୍ଯ୍ୟନ୍ତ ଲିଜଧାରୀ ସୈରାତ ଉତ୍ସରୁ ଲଘୁ ଖଣିଜ ଦ୍ରବ୍ୟ ଉତ୍ତୋଳନ କରି ପାରିବେ ନାହିଁ । କାର୍ଯ୍ୟାଦେଶ ନପାଇଲା ପର୍ଯ୍ୟନ୍ତ ସୈରାତ ଉତ୍ସରୁ ଉତ୍ତୋଳନ ଓ ପରିବହନ ହୋଇଥିବା ଲଘୁ ଖଣିଜ ଦ୍ରବ୍ୟ କୁ ବେଆଇନ ଧରାଯିବ ।

13. କୌଣସି କାରଣ ନଦର୍ଶାଇ ଲିଜ କାର୍ଯ୍ୟ ବାତିଲ ବା ସ୍ଥଗିତ କରି ପାରିବା କ୍ଷମତାପ୍ରାପ୍ତ ଅଧିକାରୀ ଙ୍କ ପରିସର ଭୁକ୍ତ ଅଟେ ।

14. ଯେକୌଣସି ମୂହୁର୍ତ୍ତରେ ଯଦି ନିୟମରେ କିଛି ପରିବର୍ତ୍ତନ ଘଟେ ତେବେ, ଲିଜଧାରୀ ପରିବର୍ତ୍ତିତ ନିୟମ ମାନିବାକୁ ବାଧ ହେବେ ।

15. ଲିଜ ସମ୍ବନ୍ଧିୟ ସର୍ତ୍ତାବଳୀ କାର୍ଯ୍ୟାଳୟରେ ଛୁଟିଦିନ ବ୍ୟତିତ ସମସ୍ତ କାର୍ଯ୍ୟ ଦିବସରେ ଦେଖିପାରିବେ । ଏହା ବ୍ୟତୀତ ଇସ୍ତାହାରର ସମସ୍ତ ବିବରଣୀ ଜିଲ୍ଲା website (www.bargarh.nic.in) ରେ ମଧ୍ୟ ଦେଖିପାରିବେ ।

ତହସିଲଦାର, ଅମ୍ବାପାଲି
17/08/22

# ଦରଖାସ୍ତ ସହ ଦାଖଲ କରିବାକୁ ଥିବା ଦସ୍ତାବିଜ୍

1. ଦରଖାସ୍ତ ପାଉଣା ବାବଦ ଟ. 1000.00 (ଏକ ହଜାର ଟଙ୍କା ମାତ୍ର) (ଅଣ-ଫେରସ୍ତ) ଟ୍ରେଜେରୀ ଚାଲାଣ (Head of Account-0853-Non-Ferous Mining and Metallurgical Industries-102 Mineral Concession Fees, Rents and Royalties) ରେ ଦାଖଲ କରିବେ ।
2. କୌଣସି ମାଇନିଂ ବାବଦକୁ ବକେୟା ଦେୟ ନ ଥିବା ନେଇ ଏକ ସତ୍ୟପାଠ କରିବେ ।
3. IT Returns ଏବଂ ଅନ୍ୟୁନ 18 ମାସ ପର୍ଯ୍ୟନ୍ତ କାଏମ ଥିବା ବ୍ୟାଙ୍କ ଗ୍ୟାରେଣ୍ଟି/ ଋଣ ପରିଶୋଧ କ୍ଷମତା ପ୍ରମାଣପତ୍ର (Solvency Certificate) ଯାହାକି ଦରଖାସ୍ତ କରୁଥିବା ସୈରାତ ଉତ୍ସ ର ବାର୍ଷିକ ମୂଲ୍ୟ {Mining guarantee quantity x (Royalty + Additional Charge)} ଠାରୁ ଅଧିକ ହୋଇଥିବା ଆବଶ୍ୟକ ।
4. Earnest Money ପାଇଁ Demand Draft (in favour of Tahasildar, Barpali) ଯାହାର ମୂଲ୍ୟ ଅତିରିକ୍ତ ଚାର୍ଜ (Addl. Charge) ଏବଂ Royalty (ଏକ ବର୍ଷ) ର 5% ଠାରୁ କମ ହୋଇନଥିବ । [EMD = 5% of {Minimum Guaranteed Quantity x (Royalty + Additional Charges)}]

ତହସିଲଦାର, ବରପାଲି
17/08/22